ପ୍ରେସ୍‌ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୭୯ ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ୪୧୩୧୪ରେ ପହଞ୍ଚିଲା - ସୁସ୍ଥ ହେଲେ ୧୭୧ ଜଣ ।

ଅନୁଗୋଳ, ତା.୦୬.୦୭:- ଆଜି ଅନୁଗୋଳ ଜିଲ୍ଲାରେ ୭୯ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଅନୁଗୋଳ ବ୍ଲକ୍ ଅଂଚଳରୁ ୧୭ଜଣ ( ୯ଜଣ ପୁରୁଷ ଓ ୮ଜଣ ମହିଳା), ବଣ୍ଡରପାଳ ବ୍ଲକ୍ ଅଂଚଳରୁ ୧୧ଜଣ ( ୬ଜଣ ପୁରୁଷ ଓ ୫ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୦ଜଣ (୮ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୯ଜଣ (୮ ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୮ଜଣ ( ୫ଜଣ ପୁରୁଷ ଓ ୩ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୭ଜଣ(୫ ଜଣ ପୁରୁଷ ଓ ୨ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୬ଜଣ ( ୫ଜଣ ପୁରୁଷ ଓ ୧ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୪ ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ୧ ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୨ଜଣ ( ୨ଜଣ ପୁରୁଷ ) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କ ମଧ୍ୟରୁ ୧୧ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ଅନ୍ୟମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୭୧ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୮୨ଜଣ ମୃତ୍ୟୁବରଣ କଲେଣି ଏବଂ ଆଜି ସୁଦ୍ଧା ୩ ଲକ୍ଷ ୮ହଜାର ୪୧୪ଜଣଙ୍କୁ ଟିକା ଦିଆଗଲାଣି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୩୯୧ ତା.୦୬.୦୭.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ